# ଆଜି ଅନୁଗୋଳ ଜିଲ୍ଲାରୁ ୮୯ଜଣ କରୋନା ପଜିଟିଭ ଚିହ୍ନଟ -

## ପଜିଟିଭ ସଂଖ୍ୟା ୯୬୪୮ ରେ ପହଞ୍ଚିଲା - ସୁସ୍ଥ ହେଲେ ୧୦୦ ଜଣ ।

ଆଜି ଅନୁଗୋଳ ଜିଲ୍ଲାରୁ ୮୯ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଛନ୍ତି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଙ୍କ ମଧ୍ୟରୁ ୨ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଙ୍କ ସଂଖ୍ୟା ୧୫୭ ରେ ପହଂଚିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ବଣଁରପାଳ ବ୍ଲକ୍ ଅଂଚଳରୁ ସର୍ବାଧିକ ୨୨ଜଣ ( ୧୫ଜଣ ପୁରୁଷ ଓ ୭ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୧୬ଜଣ ( ୧୧ଜଣ ପୁରୁଷ ଓ ୫ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୧୨ଜଣ (୮ଜଣ ପୁରୁଷ ଓ ୪ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୧୦ଜଣ (୫ ଜଣ ପୁରୁଷ ଓ ୫ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୭ଜଣ (୭ ଜଣ ପୁରୁଷ ), ପାଲଲହଡା ବ୍ଲକ୍ ଅଂଚଳରୁ ୬ଜଣ ( ୬ଜଣ ପୁରୁଷ ),କଣିହାଁ ବ୍ଲକ୍ ଅଂଚଳରୁ ୫ଜଣ ( ୫ଜଣ ପୁରୁଷ ), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୪ଜଣ (୩ ଜଣ ପୁରୁଷ ଓ ୧ ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୩ଜଣ ( ୩ଜଣ ପୁରୁଷ ), ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୨ଜଣ ( ୨ଜଣ ପୁରୁଷ ) ଓ କିଶୋରନଗର ବ୍ଲକ୍ ଅଂଚଳରୁ ୨ଜଣ ( ୨ଜଣ ପୁରୁଷ ) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଙ୍କ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୧୦୦ ଜଣ ସୁସ୍ଥ ହୋଇଛନ୍ତି । ସେମାନଙ୍କ ମଧ୍ୟରେ ୦୬ଜଣ କୋଭିଡ ହସପିଟାଲରୁ ,୪ ଜଣ କୋଭିଡ କେୟାର ସେଣ୍ଟରରୁ ଓ ୯୦ ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୭୩୧ ତା.୦୮.୧୧.୨୦୨୦ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା । ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ